ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/AG&FE (OD))/43/09-04-2021**

## କେନ୍ଦ୍ରାଞ୍ଚଳ ରାଜସ୍ୱ ଜିଲ୍ଲାର ଉଦ୍ୟାନ କୃଷି ଅଧିକାରୀଙ୍କ ସମୀକ୍ଷା ବୈଠକ
## ଯୋଜନାରେ ବରାଦ ଅର୍ଥକୁ ଧାର୍ଯ୍ୟ ସମୟ ମଧ୍ୟରେ ଖର୍ଚ୍ଚ କରିବାକୁ କୃଷିମନ୍ତ୍ରୀଙ୍କ ନିର୍ଦ୍ଦେଶ

ଭୁବନେଶ୍ୱର, ତା.୦୯/୦୪/୨୦୨୧

ଉଦ୍ୟାନ କୃଷି ନିମନ୍ତେ ବିଭିନ୍ନ ଯୋଜନାରେ ବରାଦ ଅର୍ଥକୁ ଧାର୍ଯ୍ୟ ସମୟ ମଧ୍ୟରେ ଖର୍ଚ୍ଚ କରି ଏହାର ସୁଫଳ ଚାଷୀମାନଙ୍କ ନିକଟରେ ପହଞ୍ଚାଇବାକୁ ପଡ଼ିବ । କୃଷକମାନଙ୍କ ଆୟ ଦ୍ୱିଗୁଣିତ କରିବା ରାଜ୍ୟ ସରକାରଙ୍କ ଲକ୍ଷ୍ୟ ହୋଇଥିବାବେଳେ ଉଦ୍ୟାନ କୃଷି ଯୋଜନାରେ ଧାର୍ଯ୍ୟ ଲକ୍ଷ୍ୟ ପୂରଣ ଦିଗରେ କୌଣସି ଅବହେଳାକୁ ପ୍ରଶ୍ରୟ ଦିଆଯିବ ନାହିଁ ବୋଲି କୃଷି ଓ କୃଷକ ସଶକ୍ତିକରଣ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ, ଉଚ୍ଚଶିକ୍ଷା ମନ୍ତ୍ରୀ ଡ. ଅରୁଣ କୁମାର ସାହୁ କହିଛନ୍ତି ।

ଆଜି କେନ୍ଦ୍ରାଞ୍ଚଳ ରାଜସ୍ୱ କମିଶନର ଅନ୍ତର୍ଗତ ଜିଲ୍ଲାର ଜିଲ୍ଲାସ୍ତରୀୟ ଉଦ୍ୟାନ କୃଷି ଅଧିକାରୀମାନଙ୍କ ସମୀକ୍ଷା ବୈଠକରେ ଅଧ୍ୟକ୍ଷତା କରି ମନ୍ତ୍ରୀ ଡ. ସାହୁ କହିଲେ ଯେ ରାଜ୍ୟରେ ଉଦ୍ୟାନ କୃଷିର ବିକାଶର ପର୍ଯ୍ୟାପ୍ତ ସୁଯୋଗ ରହିଛି । ଏହାକୁ ପୂର୍ଣ୍ଣ ବିନିଯୋଗ କରି କୃଷକମାନଙ୍କ ଆୟ ବହୁଗୁଣିତ କରାଯାଇପାରିବ । ଏଥି ସହିତ ପ୍ରତି ବ୍ଲକ୍‌ର ସ୍ଥାନୀୟ ଉତ୍ପାଦକୁ ଦୃଷ୍ଟିରେ ରଖି 'ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା'ରେ କୃଷି ଉଦ୍ୟୋଗ ପ୍ରତିଷ୍ଠା ଦିଗରେ ଅଧିକାରୀମାନେ ଅଧିକ ତତ୍ପରତା ପ୍ରକାଶ କରିବାକୁ ମନ୍ତ୍ରୀ କହିଥିଲେ । ଶୀତଳ ଭଣ୍ଡାର, କୃଷକ ଉତ୍ପାଦକ ସଂଗଠନ ଏବଂ ସ୍ଥାନୀୟ କୃଷକମାନଙ୍କ ସହିତ ଉପଯୁକ୍ତ ସମନ୍ୱୟ ରଖି ଆଳୁ, ଗାଜର, ବନ୍ଧାକୋବି ଆଦି ପନିପରିବାର ଉପଯୁକ୍ତ ସଂରକ୍ଷଣ ସହିତ ଶୀତଳ ଭଣ୍ଡାରର ପୂର୍ଣ୍ଣ କ୍ଷମତା ଉପଯୋଗ କରିବା ପାଇଁ ମନ୍ତ୍ରୀ କହିଥିଲେ । ରାଜ୍ୟରେ ଫଳ ଚାଷ ପାଇଁ କ୍ଲଷ୍ଟର ପଦ୍ଧତି ଆପଣାଇବା ନିମନ୍ତେ ମନ୍ତ୍ରୀ ଡ.ସାହୁ ଗୁରୁତ୍ୱ ଦେଇଥିଲେ । ଉପକୂଳ ଜିଲ୍ଲାଗୁଡ଼ିକରେ ନଡ଼ିଆ ଚାଷର ବ୍ୟାପକ ସୁଯୋଗ ରହିଥିବାରୁ ଅଧିକରୁ ଅଧିକ ଚାଷୀ ନଡ଼ିଆ ଚାଷ ନିମନ୍ତେ ମନୋନିବେଶ କରିବା ଏବଂ ଅଧିକ ଉତ୍ପାଦନ ନିମନ୍ତେ ହାଇବ୍ରିଡ୍ ପନିପରିବା ଚାଷ ଉପରେ ମନ୍ତ୍ରୀ ଗୁରୁତ୍ୱାରୋପ କରିଥିଲେ ।

ଚଳିତ ବର୍ଷ ଚାଷୀମାନଙ୍କୁ ପର୍ଯ୍ୟାପ୍ତ ପରିମାଣର ଓ ଉନ୍ନତ ମାନର କୃଷି ସାମଗ୍ରୀ ଯୋଗାଇ ଦେବା ପାଇଁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଥିଲେ । ଏଥିରେ ଖିଲାପ ହେଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମନ୍ତ୍ରୀ କହିଥିଲେ । ବୈଠକ ପ୍ରାରମ୍ଭରେ ଉଦ୍ୟାନ କୃଷି ନିର୍ଦ୍ଦେଶକ ଶ୍ରୀ ରୋହିତ କୁମାର ଲେଙ୍କା ରାଜ୍ୟରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଯୋଜନା ସଂପର୍କରେ ବିଶଦ ଭାବରେ ଆଲୋଚନା କରିଥିଲେ ।

ତାପସ ସାହା
ସୂଚନା ଅଧିକାରୀ